ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

# ରାଜ୍ୟସ୍ତରୀରେ ଖୋଲିଲା ଭୋଟର ସହାୟତା କେନ୍ଦ୍ର

ଭୁବନେଶ୍ୱର, ୦୬/୦୨/୨୦୧୯

ଆଗାମୀ ସାଧାରଣ ନିର୍ବାଚନରେ ଅଂଶଗ୍ରହଣ ନିମନ୍ତେ ଭୋଟର ଭାଇଭଉଣୀମାନଙ୍କ ସୁବିଧା ପାଇଁ ରାଜ୍ୟ ମୁଖ୍ୟ ନିର୍ବାଚନ ଅଧିକାରୀଙ୍କ କାର୍ଯ୍ୟାଳୟ ପରିସରରେ ଏକ 'ଭୋଟର ସହାୟତା କେନ୍ଦ୍ର' ମୁଖ୍ୟ ନିର୍ବାଚନ ଅଧିକାରୀ ସୁରେନ୍ଦ୍ର କୁମାରଙ୍କ ଦ୍ୱାରା ଉଦ୍‌ଘାଟିତ ହୋଇଯାଇଛି । ଉକ୍ତ ସହାୟତା କେନ୍ଦ୍ରରେ କମ୍ପୁଟର ସହ କର୍ମଚାରୀମାନେ ଉପସ୍ଥିତ ରହି ଭୋଟରମାନଙ୍କୁ ସମସ୍ତ ପ୍ରକାରର ସହାୟତା ପ୍ରଦାନ କରିବେ । ଏଠାରେ ଭୋଟରମାନେ ସେମାନଙ୍କ ନାମ, କ୍ରମିକ ସଂଖ୍ୟା ଏବଂ କେଉଁ ବୁଥ୍‌ରେ ସେମାନେ ଭୋଟ ଦେବେ ସେ ବିଷୟରେ ସବିଶେଷ ତଥ୍ୟ ଜାଣିପାରିବେ । ଅନୁରୂପ ଭାବେ ରାଜ୍ୟର ସବୁ ଜିଲ୍ଲା ସଦର ମହକୁମା, ଉପଜିଲ୍ଲାପାଳଙ୍କ କାର୍ଯ୍ୟାଳୟ, ସମସ୍ତ ବ୍ଲକ୍ ଏବଂ ତହସିଲ୍ କାର୍ଯ୍ୟାଳୟରେ ଭୋଟର ସହାୟତା କେନ୍ଦ୍ରମାନ ଖୋଲାଯିବ ବୋଲି ମୁଖ୍ୟ ନିର୍ବାଚନ ଅଧିକାରୀ ସୁରେନ୍ଦ୍ର କୁମାର ପ୍ରକାଶ କରିବା ସହ ଭୋଟର ଭାଇଭଉଣୀମାନେ ଏହାର ସୁଯୋଗ ନେବାକୁ ସେ ନିବେଦନ କରିଛନ୍ତି ।

ଏହି ଅବସରରେ ଅତିରିକ୍ତ ମୁଖ୍ୟ ନିର୍ବାଚନ ଅଧିକାରୀ ସଚିନ ରାମଚନ୍ଦ୍ର ଯାଦବ ଏବଂ ଅଭୟ କୁମାର ନାୟକ, ଅବସରପ୍ରାପ୍ତ ମୁଖ୍ୟ ଶାସନ ସଚିବ ତଥା ଓଡ଼ିଶା ଇଲେକ୍‌ସନ୍ ୱାଚ୍‌ର ମୁଖ୍ୟ ଶ୍ରୀ ସହଦେବ ସାହୁ, ଯୁଗ୍ମ ମୁଖ୍ୟ ନିର୍ବାଚନ ଅଧିକାରୀ ରଘୁରାମ ଆର୍. ଆୟର ଓ ଶତ୍ରୁଘ୍ନ କର, ଭୁବନେଶ୍ୱର ଉପଜିଲ୍ଲାପାଳ ଶୁଭେନ୍ଦୁ କୁମାର ସାହୁ, ସହକାରୀ ମୁଖ୍ୟ ନିର୍ବାଚନ ଅଧିକାରୀ କାଶିନାଥ ସାହୁଙ୍କ ସହ ଅନ୍ୟ ବରିଷ୍ଠ ଅଧିକାରୀମାନେ ଉପସ୍ଥିତ ଥିଲେ ।

ପ୍ରଫୁଲ୍ଲ କୁମାର ମଲ୍ଲିକ
ସୂଚନା ଅଧିକାରୀ